ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ

ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 05-12-2025

ଗଜପତି(ଓଡିଶା) - :2025-12-05 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2025-12-06 | 2025-12-07 | 2025-12-08 | 2025-12-09 | 2025-12-10 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 29.0 | 29.0 | 29.0 | 29.0 | 29.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 15.0 | 15.0 | 15.0 | 15.0 | 14.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 75 | 70 | 64 | 61 | 60 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 36 | 32 | 27 | 25 | 27 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 4 | 3 | 3 | 3 | 3 |
| ପବନର ଦିଗ (ଡିଗ୍ରୀ) | 41 | 13 | 354 | 354 | 8 |
| ମେଘାଚ୍ଛନ (ଅକ୍ଟା) | 3 | 4 | 3 | 3 | 4 |
| ସତର୍କବାଣୀ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ |

## ପୂର୍ବାନୁମାନ ସାରାଂଶ:

ଭାରତ ପାଣିପାଗ ବିଭାଗରୁ ମିଳିଥିବା ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଜିଲ୍ଲାରେ ମଙ୍ଗଳବାର ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସହିତ ଆକାଶ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆସନ୍ତା ପାଞ୍ଚଦିନ ପର୍ଯ୍ୟନ୍ତ ପବନର ବେଗ ୦୩.୦ ରୁ ୦୪.୦ କିଲୋମିଟର ପ୍ରତିଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି । ଦୈନିକ ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୨୯.୦° ସେଲସିୟସ ଏବଂ ୧୪.୦° ସେଲସିୟସ ରୁ ୧୫.୦° ସେଲସିୟସ ମଧ୍ୟରେ ରହିବାର ସମ୍ଭାବନା ରହିଛି । ସକାଳେ ଏବଂ ଅପରାହ୍ନରେ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ୬୦ ରୁ ୭୫ ଶତକଡା ଏବଂ ୨୫ ରୁ ୩୬ ଶତକଡା ମଧ୍ୟରେ ରହିପାରେ ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

କୌଣସି ସତର୍କ ସୂଚନା ନାହିଁ

## ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଲିଷ୍ଟ ଏଗ୍ରୋମେଟ ପରାମର୍ଶ:

| |
|---|
| କୌଣସି ପ୍ରଭାବ ନାହିଁ |

**ସାଧାରଣ ଉପଦେଶ:**

| |
|---|
| ଗଜପତି ଜିଲ୍ଲାରେ ଗତସପ୍ତାହରେ ହାରାହାରି ସର୍ବାଧିକ ଦୈନିକ ତାପମାତ୍ରା ୩୪.୧°ସେଲସିୟସ ଏବଂ ହାରାହାରି ସର୍ବନିମ୍ନ ଦୈନିକ ତାପମାତ୍ରା ୨୨.୦°ସେଲସିୟସ ଥିଲା । ଗତସପ୍ତାହରେ ଜିଲ୍ଲାରେ ୦୫.୩ ମିଲିମିଟର ବର୍ଷା ହୋଇଅଛି । ଶୀତଦିନିଆ ପନିପରିବା ରୋଇବା କାର୍ଯ୍ୟ ସମାପ୍ତ କରନ୍ତୁ । ଧାନ ଅମଳ କରି, ୩ ରୁ ୪ ଦିନ ଖରାରେ ଶୁଖାଇ, ସୁରକ୍ଷିତ ସ୍ଥାନରେ ସାଇତି ରଖନ୍ତୁ । କୋବିଜାତୀୟ ଫସଲରେ ୭-୮ ଦିନ ବ୍ୟବଧାନରେ ଜଳସେଚନ କରନ୍ତୁ । କମ ତାପମାତ୍ରା ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ତେଣୁ ନିୟମିତ ଫସଲରେ ପୋକ ଏବଂ ରୋଗର ସର୍ବେକ୍ଷଣ କରନ୍ତୁ ଏବଂ ସେହି ଅନୁଯାୟୀ ଉପଯୁକ୍ତ ସୁରକ୍ଷା ପଦକ୍ଷେପ ନିଅନ୍ତୁ । ବର୍ତମାନ ତାପମାତ୍ରା କମ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରାରେ ପଲିଥିନ ଦ୍ୱାରା ଆଚ୍ଛାଦିକରଣ ବ୍ୟବସ୍ଥା କରନ୍ତୁ । ସକାଳ ଓ ସନ୍ଧ୍ୟା ସମୟରେ ଶୀତଦିନିଆ ପନିପରିବାରେ ଜଳସେଚନ କରନ୍ତୁ । ରବି ପନିପରିବାରେ ଘାସ ବାଛି କୋଡାଖୋସା କରନ୍ତୁ । କୁକୁଡା ରଖିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ ହିଟର କିମ୍ବା ୨୦୦ ୱାଟ ବଲ୍ବ ଲଗାନ୍ତୁ । ଶୀତ ଋତୁରେ ଅଧିକ ଥଣ୍ଡା ସମୟରେ ଗାଈ ଗୁହାଳରେ ପଲିଥିନ କିମ୍ବା ଅଖାଦ୍ୱାରା ଆଚ୍ଛାଦିକରଣ ବ୍ୟବସ୍ଥା କରନ୍ତୁ । |

**ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:**

| |
|---|
| ସଅଳ ଲଗାଯାଇଥିବା ପନିପରିବାରେ ବର୍ଷାପରେ ପତ୍ରଗୁଡିକ ଯଦି ମାଟିରେ ଲାଗିଯାଇଥାଏ ତେବେ ସେହି ପତ୍ର ଗୁଡ଼ିକୁ ଛିଣ୍ଡାଇ ଦିଅନ୍ତୁ । |

**ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ଧାନ ସାଇତି ରଖିଥିବା ବସ୍ତା କିମ୍ବା କୋଠୋରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସଫାଇଡ ଟାବଲେଟ ଏକ ଟନ ଧାନ ପିଛା ୩ଟି (ସମୁଦାୟ ୯ ଗ୍ରାମ ଟାବଲେଟ) କନାରେ ଗୁଡାଇ ରଖନ୍ତୁ । ଏହାପରେ ଭଲଭାବରେ ତାରପୋଲୀନ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନରୁହେ । ଯଦି କୋଠୋରୀର ସନ୍ଧି ଜାଗା କିମ୍ବା କବାଟ ଫାଙ୍କ ଜାଗା ଥାଏ ତେବେ କାଦୁଅ କିମ୍ବା ସେଲୋଟେପ ଦେଇ ଭଲଭାବରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠୋରୀ ବସ୍ତା ମୁହଁ ଭଲ ଭାବରେ ବନ୍ଦ ରଖନ୍ତୁ । |

**ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଆଳୁ | ଆଳୁ ଫସଲ ରେ କୋଡା ଖୁସା କରି ଘାସ ବାଛି ଦିଅନ୍ତୁ । ହୁଡା ଚଉଡା ଓମଜବୁତ ରଖନ୍ତୁ । ମାଟିରକିସମ ଓ ବତର ଦେଖି ସିଆର ରେ ପ୍ରତି ୭ ରୁ ୮ ଦିନ ବ୍ୟବଧାନ ରେ ଜଳସେଚନ କରନ୍ତୁ ।ସିଆର ରେ ଜଳସେଚନକରିବା ସମୟ ରେ ହୁଡା ର ୨/୩ ଅଂଶ ବୁଡିବା ପର୍ଯ୍ୟନ୍ତ ପାଣି ଦିଅନ୍ତୁ । |
| ବାଇଗଣ | ବାଇଗଣରେ ପତ୍ରଖିଆ ଓ ଫଳବିନ୍ଧା ପୋକର ନିୟନ୍ତ୍ରଣ ପାଇଁ ଏକରପ୍ରତି Emamectin benzoate@ ୮୦ ଗ୍ରାମ କିମ୍ବା Spinosad@ ୮୦ ମିଲି , ୨୦୦ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ବନ୍ଧାକୋବି | କୋବି ଫସଲରେ ଠିକିରି ପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬ -୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM Azadirachtin କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyradନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ ଗ୍ରାମ Emamectin Benzoate ୫% SG ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ପିଆଜ | ପିଆଜ ତଳି ବର୍ତମାନ ୫-୭ ସପ୍ତାହ ଚାରା ଅବସ୍ଥାରେ ଅଛି । ବର୍ଷାରୁ ରକ୍ଷା କରିବା ପାଇଁ ତଳି ପଟାଳି ଉପରେ ଛାମୁଣ୍ଡିଆ କରନ୍ତୁ । ପିଆଜ ତଳି ୮ ସପ୍ତାହ ଅବସ୍ଥାରେ ମୁଖ୍ୟ ଜମିରେ ରୋଇବା ପାଇଁ ଜମି ପ୍ରସ୍ତୁତ କରନ୍ତୁ । |

**ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| ମତ୍ସ୍ୟ ପାଳନ | ମତ୍ସ୍ୟ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କମନ ଫୀସହ | ଶୀତ ଋତୁ ରେ ମାଛ ମାନଙ୍କ ଦେହରେ କବକ, ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖା ଯାଇଥାଏ। ଏହି ରୋଗମାନଙ୍କର ନିରାକରଣ ପାଇଁ ଏକ ଏକର ପୋଖରୀ ପ୍ରତି CIFAX@ ୪୦୦ ମିଲି ୪୦ ଲିଟର ପାଣି ରେ ମିଶାଇ ବିଶୋଧନ କରନ୍ତୁ । ପ୍ରତି ଦିନ ମାଛ ମାନଙ୍କୁ ତେଲ ପିଡିଆ ଖାଇବାକୁ ଦିଅନ୍ତୁ । |

**କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:**

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କୁକୁଡ଼ା | ଶୀତ ଋତୁ ରେ କୁକୁଡା ମାନଙ୍କୁ ଅଧିକ ପରିମାଣ ର ଖାଦ୍ୟ ଓ ପାଣି ଦିଅନ୍ତୁ । ତାପମାତ୍ରା ନିୟନ୍ତ୍ରଣ ପାଇଁ କୁକୁଡା ଗୃହ ରେ ୨୦୦ ୱାଟ ର ବଲବ ଲଗାନ୍ତୁ । କୁକୁଡା ମାନଙ୍କୁ ଉଚିତ ସମୟରେ ଟୀକା କରଣ କରନ୍ତୁ । |

**ଆବହାବିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):**

| |
|---|
| କୌଣସି ପ୍ରଭାବ ନାହିଁ |

**ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):**

| |
|---|
| କୌଣସି ପ୍ରଭାବ ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**